ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

ସୂଚନା ଓ ଲୋକସଂପର୍କ ବିଭାଗର ସାମ୍ବାଦିକ ସମ୍ମିଳନୀ

# ପ୍ରେସ୍ ବିଜ୍ଞପ୍ତି

**ଭୁବନେଶ୍ୱର : ୧୯ ମାର୍ଚ୍ଚ,୨୦୨୦**

କରୋନା ଭୂତାଣୁ ରୋଗ (କୋଭିଡ୍-୧୯) ସଂପର୍କରେ ସତର୍କତା ଏବଂ ସଚେତନତା ତଥା ରାଜ୍ୟ ସରକାରଙ୍କ ତରଫରୁ ନିଆଯାଇଥିବା ବିଭିନ୍ନ ପଦକ୍ଷେପ ସଂପର୍କରେ ଆଜି ଅପରାହ୍ଣରେ ସୂଚନା ଓ ଲୋକସଂପର୍କ ବିଭାଗ ତରଫରୁ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ COVID-19 ପାଇଁ ରାଜ୍ୟ ସରକାରଙ୍କ ମୁଖ୍ୟ ମୁଖପାତ୍ର ଶ୍ରୀ ସୁବ୍ରତୋ ବାଗ୍‌ଚୀ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି ।

- ରାଜ୍ୟ ସରକାର ଗତକାଲି ଧର୍ମାନୁଷ୍ଠାନଗୁଡ଼ିକ ପାଇଁ ମାର୍ଗଦର୍ଶିକା ଜାରି କରିଛନ୍ତି । ପୁରୀ ଜିଲ୍ଲା ପ୍ରଶାସନ ତରଫରୁ ଶ୍ରୀଜଗନ୍ନାଥ ମନ୍ଦିରକୁ ସର୍ବସାଧାରଣଙ୍କ ପ୍ରବେଶକୁ ଅପ୍ରେଲ ୧ ତାରିଖ ପର୍ଯ୍ୟନ୍ତ ବାରଣ କରାଯାଇଛି ।
- ରାଜ୍ୟ ସରକାର ସବୁଦୃଷ୍ଟିରୁ ବିଚାର କରି ରାଜ୍ୟର ଜିଲ୍ଲା ମାଜିଷ୍ଟ୍ରେଟ୍‌ମାନଙ୍କୁ ଅନ୍ୟ ଧର୍ମାନୁଷ୍ଠାନଗୁଡ଼ିକ ପାଇଁ ମଧ୍ୟ ସେହିଭଳି ମାର୍ଗଦର୍ଶିକା ବଳବତ୍ତର ରଖିବାକୁ ନିର୍ଦ୍ଦେଶ ଦେଇଛନ୍ତି । ଅର୍ଥାତ୍, ମନ୍ଦିର, ମସଜିଦ୍, ଗୀର୍ଜା ଓ ଗୁରୁଦ୍ୱାରଗୁଡ଼ିକ ୨୦ ମାର୍ଚ୍ଚରୁ ୩୧ ମାର୍ଚ୍ଚ ପର୍ଯ୍ୟନ୍ତ ସର୍ବସାଧାରଣଙ୍କ ପ୍ରବେଶକୁ ବାରଣ କରାଯାଇଛି ।
- ଏହା ମଧ୍ୟ ସ୍ପଷ୍ଟ କରାଯାଇଛି ଯେ ଏହି ସମୟରେ ଧାର୍ମିକ ରୀତିନୀତି ବିନା ପ୍ରତିବନ୍ଧକରେ ଚାଲୁରହିବ ।
- ଅଦ୍ୟାବଧି ଓଡ଼ିଶାରେ ୬୧ଟି ନମୁନା ପରୀକ୍ଷା କରାଯାଇଛି । ସେଥିରୁ ୬୦ଟି କରୋନା ନେଗେଟିଭ୍ ଥିବାବେଳେ ଗୋଟିଏ ପଜିଟିଭ୍ ଚିହ୍ନଟ ହୋଇଛି ।
- ଗତକାଲି ୫ଟି ନମୁନା ପରୀକ୍ଷା କରାଯାଇଥିଲା ଏବଂ ସେସବୁ କରୋନା ନେଗେଟିଭ୍ ରିପୋର୍ଟ ଆସିଛି ।
- ଆଜି ଅପରାହ୍ଣ ୨ଟା ସୁଦ୍ଧା ମିଳିଥିବା ତଥ୍ୟ ଅନୁଯାୟୀ ଓଡ଼ିଶାରେ କୋଭିଡ୍-୧୯ ସଂକ୍ରମିତ ବ୍ୟକ୍ତିଙ୍କ ସଂସ୍ପର୍ଶରେ ଆସିଥିବା ୨୩ ଜଣ ବ୍ୟକ୍ତିଙ୍କୁ ବିଭିନ୍ନ ଡାକ୍ତରଖାନାରେ ଆଇସୋଲୋସନ୍‌ରେ ରଖାଯାଇଛି ।
- ସମସ୍ତ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଓ ମେଡିକାଲ୍ କଲେଜ୍ ହସ୍‌ପିଟାଲ୍‌ଗୁଡ଼ିକରେ ଆଇସୋଲେସନ୍ ସୁବିଧା ଉପଲବ୍ଧ ଅଛି । ବର୍ତ୍ତମାନ ସୁଦ୍ଧା ରାଜ୍ୟର ସମସ୍ତ ସରକାରୀ ଓ ବେସରକାରୀ ଡାକ୍ତରଖାନାଗୁଡ଼ିକରେ ୩୧୮୩ଟି ଆଇସୋଲେସନ୍ ବେଡ୍ ପ୍ରସ୍ତୁତ ଅଛି ।
- ଗତ ୨୪ ଘଣ୍ଟା ମଧ୍ୟରେ ୧୦୪ ହେଲ୍ପ ଲାଇନ୍‌କୁ ୧୨,୨୬୮ କଲ୍ ଆସିଛି ।
- ଆଜି ଅପରାହ୍ଣ ୨ଟା ସୁଦ୍ଧା ବିଦେଶରୁ ଫେରିଥିବା ୨୬୦୦ ଜଣଙ୍କ ନାମ ପଞ୍ଜୀକରଣ କରାଯାଇଛି ।
- ସହରାଞ୍ଚଳରେ ୪୫୦ଟି କୋଠା ଚିହ୍ନଟ କରାଯାଇଛି ଯେଉଁଥିରେ କି ୫୧ ହଜାର ୧୬୦ଜଣ ବ୍ୟକ୍ତି ଏହାର ସୁବିଧା ନେଇପାରିବେ ।
- ଆଜି ରାଜ୍ୟର ୬୭୯୮ଟି ଗ୍ରାମପଞ୍ଚାୟତରେ ସଚେତନତା ବୈଠକ ଅନୁଷ୍ଠିତ ହୋଇଥିଲା ଯେଉଁଥିରେ କି ରାଜ୍ୟର ୨ ଲକ୍ଷ ୩୭ ହଜାର ପଞ୍ଚାୟତିରାଜ ପ୍ରତିନିଧି ଯୋଗ ଦେଇଥିଲେ ।

- ଗ୍ରାମାଞ୍ଚଳରେ ତ୍ୱରିତ ସ୍ୱାସ୍ଥ୍ୟସେବା ଯୋଗାଇ ଦେବା ପାଇଁ ରାଜ୍ୟର ୬ ହଜାର ୭୯୮ଟି ଗ୍ରାମପଞ୍ଚାୟତର ୭ ହଜାର ୧୭୬ଟି ଅସ୍ଥାୟୀ ଚିକିତ୍ସା ଶିବିର ସ୍ଥାପନ କରାଯାଇଛି । ଫଳରେ ଶଯ୍ୟା ସଂଖ୍ୟା ୪ ଲକ୍ଷ ୨୨ ହଜାର ୪୨୬କୁ ବୃଦ୍ଧି ପାଇଛି ।
- ସାମାଜିକ ସୁରକ୍ଷା ଯୋଜନାରେ ଭତ୍ତା ପାଉଥିବା ମୋଟ ୪୮ ଲକ୍ଷ ୩୮ ହଜାର ୫୪୮ ଜଣ ହିତାଧିକାରୀଙ୍କୁ ସରକାରଙ୍କ ନିର୍ଦ୍ଦେଶନାମାନୁସାରେ ଅଗ୍ରୀମ ୪ ମାସର ଭତ୍ତା ପ୍ରଦାନ ପାଇଁ ନିର୍ଦ୍ଦେଶ ଦିଆଯାଇଛି । ଏ ସଂପର୍କରେ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ ପକ୍ଷରୁ ସମସ୍ତ ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶନାମା ପଠାଯାଇଛି । ହିତାଧିକାରୀମାନଙ୍କୁ ସେମାନଙ୍କ ଗ୍ରାମରେ ସିଧାସଳଖ ଅଗୀମ ଭାବେ ଭତ୍ତା ପ୍ରଦାନ କରିବାକୁ ନିର୍ଦ୍ଦେଶ ଦିଆଯାଇଛି ।
- ଆଜି ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି କ୍ରମେ ସରକାରୀ କର୍ମଚାରୀମାନଙ୍କ ପାଇଁ ସାଧାରଣ ପ୍ରଶାସନ ବିଭାଗ ତରଫରୁ ଏକ ନିର୍ଦ୍ଦେଶନାମା ଜାରି କରାଯାଇଛି । ଯଦି ଦୈବାତ୍ କୌଣସି କର୍ମଚାରୀଙ୍କର କୋଭିଡ୍-୧୯ ଭୂତାଣୁ ଲକ୍ଷଣ ଦେଖାଦିଏ, ତେବେ ସେ ତୁରନ୍ତ ନିଜର ଉପରିସ୍ଥ ଅଧିକାରୀଙ୍କୁ ଜଣାଇବା ସହିତ କାର୍ଯ୍ୟକ୍ଷେତ୍ରକୁ ନଆସି ୧୪ ଦିନ ପର୍ଯ୍ୟନ୍ତ କ୍ୱାରାଣ୍ଟାଇନ୍ ଉଦ୍ଦେଶ୍ୟରେ ଛୁଟି ଆବେଦନ କରିବେ । ପୁନଶ୍ଚ ଯଦି କୌଣସି ସରକାରୀ କର୍ମଚାରୀ ୪ ମାର୍ଚ୍ଚ ପରେ ବିଦେଶରୁ ଫେରିଥିବା ପରିବାର ସଦସ୍ୟଙ୍କ ସହିତ ରହୁଥିବେ ତେବେ ସେ ୧୪ଦିନ ସଂଗରୋଧରେ ରହିବେ । ତୃତୀୟ ଓ ଚତୁର୍ଥ ଶ୍ରେଣୀ କର୍ମଚାରୀମାନେ କାର୍ଯ୍ୟାଳୟ ମୁଖ୍ୟଙ୍କ ନିର୍ଦ୍ଦେଶ କ୍ରମେ ରୋଷ୍ଟର ଡ୍ୟୁଟିରେ କାର୍ଯ୍ୟାଳୟ ଆସିବେ । ଏ ସଂପର୍କିତ ଆବଶ୍ୟକୀୟ ନିର୍ଦ୍ଦେଶନାମା ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ଜାରି କରାଯାଇଛି ।
- ସଂକ୍ରମଣ ସନ୍ଦେହକୁ ଦୃଷ୍ଟିରେ ରଖି ଜେଲ୍ ଅଧୀକ୍ଷକମାନଙ୍କୁ ଏକ ମୁକ୍ତ ବାୟୁ ଚଳାଚଳ କରୁଥିବା ସ୍ଥାନକୁ ଆଇସୋଲେସନ୍ ପ୍ରକୋଷ୍ଠ ଭାବେ ପ୍ରସ୍ତୁତ ରଖିବାକୁ ନିର୍ଦ୍ଦେଶ ଦିଆଯାଇଛି ।
- ଜିଲ୍ଲା ମୁଖ୍ୟାଳୟ କାରାଗାରମାନଙ୍କରେ ଇ-ମୁଲାକାତ ବ୍ୟବସ୍ଥା କରିବାକୁ ସରକାର ନିଷ୍ପତ୍ତି ନେଇଛନ୍ତି ।
- ଅନ୍ୟାଦେଶ ପର୍ଯ୍ୟନ୍ତ ହାଇ-ଏଣ୍ଡ୍ ସେଲୁନ୍, ବ୍ୟୁଟିପାର୍ଲର, ସ୍ପା ଆଦି ନିଶ୍ଚିତ ଭାବେ ବନ୍ଦ ରହିବ ।
- ସମସ୍ତ ସାଂସ୍କୃତିକ କାର୍ଯ୍ୟକ୍ରମକୁ ସ୍ଥଗିତ ରଖାଯିବ । ସଂଗ୍ରହାଳୟ, ଗ୍ରନ୍ଥାଗାର, ଥିଏଟରଗୁଡ଼ିକ ବନ୍ଦ ରହିବ ।
- ଗାଧୁଆ, ପରିଷ୍କାର ପରିଚ୍ଛନ୍ନତା ଓ ଅନ୍ୟାନ୍ୟ ଉଦ୍ଦେଶ୍ୟରେ ସର୍ବସାଧାରଣଙ୍କ ଦ୍ୱାରା ବ୍ୟବହୃତ ହେଉଥିବା ପୋଖରୀ ଭଳି ଜଳାଶୟଗୁଡ଼ିକରୁ ଯଥାସମ୍ଭବ ଦୂରେଇ ରହିବା ଆବଶ୍ୟକ । ଏହା ପରିବର୍ତ୍ତେ ନଳକୂପ ଏବଂ ପାଇପ୍ ଜଳଯୋଗାଣ ବ୍ୟବସ୍ଥାର ଉପଯୋଗ କରିବାକୁ ପରାମର୍ଶ ଦିଆଯାଇଛି ।
- ଜରୁରୀକାଳୀନ ସ୍ଥିତିକୁ ଦୃଷ୍ଟିରେ ରଖି ଗୃହ ଓ ନଗର ଉନ୍ନୟନ ବିଭାଗ ତରଫରୁ ଆବାସିକ କଲ୍ୟାଣ ସଂଘ (ରେସିଡେଣ୍ଟ ୱେଲ୍‌ଫେୟାର ଆସୋସିଏସନ୍)ଗୁଡ଼ିକ ପାଇଁ ମାର୍ଗଦର୍ଶିକା ଜାରି କରାଯାଇଛି ।
- ୩୧ ମାର୍ଚ୍ଚ ୨୦୨୦ ପର୍ଯ୍ୟନ୍ତ ଜଙ୍ଗଲ ଓ ପରିବେଶ ବିଭାଗ ପରିଚାଳନାଧୀନ ଭିତରକନିକା ପ୍ରକୃତି ଶିବିର, ରାଜ୍ୟର ସମସ୍ତ ଚିଡ଼ିଆଖାନା, ପରିବେଶ-ପର୍ଯ୍ୟଟନ ସ୍ଥଳଗୁଡ଼ିକୁ ବନ୍ଦ କରାଯାଇଛି । ଆଞ୍ଚଳିକ ଉଦ୍ଭିଦ ଗବେଷଣା କେନ୍ଦ୍ର, ଭୁବନେଶ୍ୱରର ଉଦ୍ଭିଦ ଉଦ୍ୟାନକୁ ପ୍ରତିଦିନ ଅପରାହ୍ଣ ୨ଟାରୁ ବନ୍ଦ ରଖାଯିବା ପାଇଁ ନିର୍ଦ୍ଦେଶ ଦିଆଯାଇଛି ।
- ଦ୍ରବ୍ୟ ଓ ସାମଗ୍ରୀ ନେଇ ଚଳାଚଳ କରୁଥିବା ବସ୍, ଟ୍ରେନ୍ ଏବଂ ଗାଡ଼ିଗୁଡ଼ିକ ରାଜ୍ୟ ଭିତରେ କିମ୍ବା ଆନ୍ତରାଜ୍ୟ ସୀମାରେ ବନ୍ଦ ହେବ ନାହିଁ ।
- କୁକୁଡ଼ା, କୁକୁଡ଼ା ଅଣ୍ଡା ସହ ଅନ୍ୟ ପୋଲଟ୍ରି ଉତ୍ପାଦ ନିରାପଦ ଅଟେ । ଏସବୁ ପରିହବନ ଓ ବ୍ୟବହାର ସମୟରେ ଆବଶ୍ୟକୀୟ ପରିଚ୍ଛନ୍ନତା ଅବଲମ୍ବନ କରିବାକୁ ପରାମର୍ଶ ଦିଆଯାଇଛି ।
- ବିପିୟୁଟି ଏବଂ ଭିସୁଟ୍‌ର ଶେଷ ସେମିଷ୍ଟାର ଏବଂ ବ୍ୟାକ୍ ପେପର୍‌ର ସମସ୍ତ ପରୀକ୍ଷାଗୁଡ଼ିକୁ ଅନ୍ୟାଦେଶ ପର୍ଯ୍ୟନ୍ତ ସ୍ଥଗିତ ରଖାଯାଇଛି ।
- ସୋମବାର ଅର୍ଥାତ୍ ୨୩ ମାର୍ଚ୍ଚ ୨୦୨୦ ଠାରୁ ଉଚ୍ଚ ମାଧ୍ୟମିକ ପରୀକ୍ଷା-୨୦୨୦କୁ ସ୍ଥଗିତ ରଖାଯାଇଛି ।

ସୁଚେତା ପ୍ରିୟଦର୍ଶିନୀ
ପଠାଣି ରାଉତ
ସୂଚନା ଅଧିକାରୀ